# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଦାଖଲ ହୋଇଥିବା ସମୁଦାୟ ୭୬ଟି ଅଭିଯୋଗରୁ ୬୯ଟି ବ୍ୟକ୍ତିଗତ ଓ ୭ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ । ଏହାଛଡା ଦାଖଲ ହୋଇଥିବା ୭୬ଟି ଅଭିଯୋଗ ମଧ୍ୟରୁ ୩୨ଟି ଅଭିଯୋଗର ଆଜିର ଶିବିରରେ ତୁରନ୍ତ ଫଇସଲା କରାଯାଇଥିଲା । ମୁଖ୍ୟମନ୍ତ୍ରୀଙ୍କ ସହାୟତା ପାଣ୍ଠିରୁ ୨ ଜଣଙ୍କୁ ୧୫ ହଜାର ଟଙ୍କା ଲେଖାଏଁ ଏବଂ ରେଡକ୍ରସ ପାଣ୍ଠିରୁ ଜଣଙ୍କୁ ୧୦ ହଜାର ଏବଂ ଅନ୍ୟ ଜଣଙ୍କୁ ୫ ହଜାର ଟଙ୍କା ନଗଦ ଆକାରରେ ସାହାଯ୍ୟ ପ୍ରଦାନ କରାଯାଇଥିଲା । ଏହି ଶିବିରକୁ ଆସିଥିବା ଲୋକମାନେ ଜମିଜମା ବିବାଦ, ପ୍ରଧାନମନ୍ତ୍ରୀ ଆବାସ ଯୋଜନା, ଶିକ୍ଷା ସମ୍ବନ୍ଧୀୟ ସମସ୍ୟା,ଚିକିତ୍ସା , ଭିନ୍ନକ୍ଷମ ସହାୟତା ଓ ପାରିବାରିକ ସମସ୍ୟା ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ , ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଶ୍ରୀ ପ୍ରସନ୍ନ କୁମାର ବିଶ୍ୱାଳ,ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ଲଳିତ ମୋହନ ବେହେରା, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଞ୍ଜନ ସାହୁଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା-୨୬୭ ତା.୨୭.୦୩.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

/3/2023

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ

OPPO Reno7 5G
2023.03.27 20:15


NGUL
OPPO Reno7 5G
2023.03.27 12:03


OPPO Reno7 5G
2023.03.27 11:20


ANGUL
OPPO Reno7 5G
2023.03.27 11:20